# ବାଲ୍ ସାହିତ୍ୟ ଓ ଯୁବ ପୁରସ୍କାର ଘୋଷିତ




ଭୁବନେଶ୍ବର,୧୮।୬: କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ବୁଧବାର ବାଲ୍ ସାହିତ୍ୟ ଓ ଯୁବ ପୁରସ୍କାର ଘୋଷଣା କରାଯାଇଛି । ଚଳିତ ବର୍ଷ ରାଜକିଶୋର ପାଢୀଙ୍କୁ ମିଳିବ ବାଲ୍ ସାହିତ୍ୟ ପୁରସ୍କାର । 'କେତେ ଫୁଲ ଫୁଟିଛି' ପୁସ୍ତକ ପାଇଁ ଏହି ମର୍ଯ୍ୟାଦାଜନକ ପୁରସ୍କାର ପାଇବେ ରାଜକିଶୋର ପାଢୀ । ସେହିପରି ଓଡ଼ିଆ ଲେଖକ ସୁବ୍ରତ ସେନାପତି ପାଇବେ କେନ୍ଦ୍ର ସାହିତ୍ୟ ଏକାଡେମୀ ଯୁବ ପୁରସ୍କାର । 'କଦମ୍ବ ବନ' ପୁସ୍ତକ ପାଇଁ ପୁରସ୍କୃତ ହେବେ ସୁବ୍ରତ ସେନାପତି । ଉଭୟଙ୍କୁ ପୁରସ୍କାର ବାବଦରେ ୫୦ ହଜାର ଟଙ୍କା ଲେଖାଏଁ ପ୍ରଦାନ କରାଯିବ ।